## ଆଜି ଅନୁଗୋଳ ଜିଲ୍ଲାରୁ ୬୯ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୩୧୯୪ରେ ପହଞ୍ଚିଲା - ସୁସ୍ଥ ହେଲେ ୨୨ ଜଣ ।

ଅନୁଗୋଳ, ତା.୧୯.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୬୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୬୮ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୧୫ଜଣ ( ୧୦ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୫ଜଣ ( ୧୧ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୨ଜଣ (୬ ଜଣ ପୁରୁଷ ଓ ୬ଜଣ ମହିଳା), ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୧୧ଜଣ ( ୮ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୭ଜଣ (୭ ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୨୨ ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୬୮ ତା.୧୯.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ